# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

### 7 January – 2026

## ସମୀକ୍ଷା

ରାଜ୍ୟରେ ସ୍ୱାସ୍ଥ୍ୟ ଭିତ୍ତିଭୂମିର ବିକାଶ ପାଇଁ ଅଧିକାରୀ ଓ ସଚିବମାନଙ୍କୁ ନିୟମିତ ଭାବେ କାର୍ଯ୍ୟସ୍ଥଳ ପରିଦର୍ଶନ କରି ସ୍ଥିତିର ଅନୁଧ୍ୟାନ କରିବା ଲାଗି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ନିର୍ଦ୍ଦେଶ ଦେଇଛନ୍ତି । ଭୁବନେଶ୍ୱର ଲୋକସେବା ଭବନରେ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗର ସମୀକ୍ଷା ବୈଠକରେ ମୁଖ୍ୟମନ୍ତ୍ରୀ ନର୍ସିଂ ଛାତ୍ରମାନଙ୍କୁ ଅତିରିକ୍ତ ପ୍ରଶିକ୍ଷଣ, ସ୍ନାତକମାନଙ୍କର କୌଶଳର ଗୁଣାତ୍ମକ ବୃଦ୍ଧି, ପାଠ୍ୟକ୍ରମରେ ପରିବର୍ତ୍ତନ ଏବଂ ଡିଜିଟାଲ ସ୍ୱାସ୍ଥ୍ୟ ପ୍ରଣାଳୀ ଉପରେ ଗୁରୁତ୍ୱ ଆରୋପ କରିଛନ୍ତି । ରାଜ୍ୟର ସମସ୍ତ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଦୁଇବର୍ଷିଆ ଡି.ଏନ୍.ବି. ଡିପ୍ଲୋମା ଡାକ୍ତରଙ୍କୁ ନିଯୁକ୍ତି ଦେବା ପାଇଁ ବୈଠକରେ ଆଲୋଚନା ହୋଇଛି । ମେଡ଼ିକାଲ ଶିକ୍ଷାରେ ସିଟ୍ ବୃଦ୍ଧି ସହ ଆୟୁଷ୍ମାନ ଭାରତ ଡିଜିଟାଲ ମିଶନ କାର୍ଯ୍ୟାନ୍ୱୟନ ପାଇଁ ବୈଠକରେ ପ୍ରସ୍ତାବ ଦିଆଯାଇଥିଲା ।

## ଏସ୍ମା

ରାଜ୍ୟରେ ଡାକ୍ତର ସଂଘ ପକ୍ଷରୁ ଜାରି ରହିଥିବା ଆନ୍ଦୋଳନକୁ ଦୃଷ୍ଟିରେ ରଖି ସ୍ୱାସ୍ଥ୍ୟକ୍ଷେତ୍ରରେ କାର୍ଯ୍ୟରତ ସମସ୍ତ କର୍ମଚାରୀଙ୍କ ପାଇଁ ସରକାର ଜରୁରୀ ସେବା ପରିଚାଳନା ଆଇନ୍-ଏସ୍ମା ଲାଗୁ କରିଛନ୍ତି । ଏ

ସଂକ୍ରାନ୍ତରେ ଗୃହ ବିଭାଗ ପକ୍ଷରୁ ଏକ ନିର୍ଦ୍ଦେଶନାମା ଜାରି କରାଯାଇଛି । ଏହାଦ୍ୱାରା ସ୍ୱାସ୍ଥ୍ୟ ବିଭାଗର କର୍ମଚାରୀମାନେ ଆନ୍ଦୋଳନ କରିପାରିବେ ନାହିଁ କିମ୍ବା ଦୀର୍ଘଦିନ ଧରି ଛୁଟିରେ ରହିପାରିବେ ନାହିଁ । ଆସନ୍ତା ୬ ମାସ ପର୍ଯ୍ୟନ୍ତ ଏସ୍‌ମା ବଳବତ୍ତର ରହିବ ବୋଲି ନିର୍ଦ୍ଦେଶନାମାରେ ଉଲ୍ଲେଖ ରହିଛି ।

## ଡଙ୍ଗା ଚାଳନା

ରାଜ୍ୟ ପର୍ଯ୍ୟଟନ ବିଭାଗ ପକ୍ଷରୁ ଆୟୋଜିତ ପ୍ରଥମ ଦେଶୀଡଙ୍ଗା ଚାଳନା ପ୍ରତିଯୋଗିତାକୁ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଉଦ୍‌ଘାଟନ କରିଛନ୍ତି । ଏହି ଅବସରରେ ଶ୍ରୀମତୀ ପରିଡ଼ା କହିଛନ୍ତି, ଚିଲିକା ପର୍ଯ୍ୟଟନସ୍ଥଳୀ ପ୍ରାକୃତିକ ସମ୍ପଦର ଅନନ୍ୟ ସମ୍ଭାର । ସରକାର ଚିଲିକାରେ ପ୍ରକୃତିର ସୁରକ୍ଷା, ମତ୍ସ୍ୟଜୀବୀମାନଙ୍କ ପାରମ୍ପରିକ ବେଉସା, ବିଦେଶାଗତ ପକ୍ଷୀଙ୍କ ଆଗମନ ପାଇଁ ପଦକ୍ଷେପ ଗ୍ରହଣ କରୁଛନ୍ତି ବୋଲି ଉପମୁଖ୍ୟମନ୍ତ୍ରୀ କହିଛନ୍ତି ।  ନୌଚାଳନା ପ୍ରତିଯୋଗିତାରେ ୪୫ଟି ଦଳ ଅଂଶ ଗ୍ରହଣ କରିଥିଲେ ।

## ଆମ ବସ୍ ସେବା

ରାଜ୍ୟରେ ସଡ଼କ ସୁରକ୍ଷାକୁ ଅଧିକ ସୁଦୃଢ଼ କରିବା ପାଇଁ ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗର ପ୍ରମୁଖ ଶାସନ ସଚିବ ଉଷା ପାଢ଼ୀଙ୍କ ଅଧ୍ୟକ୍ଷତାରେ 'ଆମ ବସ୍' ଅପରେଟରଙ୍କ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ବସ୍ ଚଳାଚଳରେ ଶୃଙ୍ଖଳା ରକ୍ଷା,

ଅତ୍ୟାଧୁନିକ ଜ୍ଞାନକୌଶଳ ବ୍ୟବହାର ଏବଂ ଯାତ୍ରୀମାନଙ୍କୁ ନିରାପଦ ସେବା ଯୋଗାଇବା ଉପରେ ଗୁରୁତ୍ୱ ଦିଆଯାଇଥିଲା ।

## ନିର୍ବାଚନ କମିଶନର

ରାଜ୍ୟ ନିର୍ବାଚନ କମିଶନର ମଧୁସୂଦନ ପାଢ଼ୀ ଯାଜପୁର ଜିଲ୍ଲା ଗସ୍ତରେ ଯାଇ ଆଗାମୀ ପଞ୍ଚାୟତ ନିର୍ବାଚନ ନେଇ ସମୀକ୍ଷା କରିଛନ୍ତି । ବୈଠକରେ ଶ୍ରୀ ପାଢ଼ୀ ଜିଲ୍ଲାପାଳ ଏବଂ ବିଭାଗୀୟ ଅଧିକାରୀଙ୍କ ସହ ଜିଲ୍ଲାର ଜନସଂଖ୍ୟା ପରିସଂଖ୍ୟାନ, ସଂରକ୍ଷଣ ଏବଂ ସମ୍ବେଦନଶୀଳ ବୁଥ୍ ସଂପର୍କରେ ଆଲୋଚନା କରିଛନ୍ତି ।

## ରଣପୁର ମହୋତ୍ସବ

ନୟାଗଡ଼ ଜିଲ୍ଲା ରଣପୁର ସହରର ବାଘସାମନ୍ତ ପଡ଼ିଆରେ ରଣପୁର ମହୋତ୍ସବ 'ଅର୍ଜୁନ'ର ଦ୍ୱିତୀୟ ସନ୍ଧ୍ୟାରେ ମୁଖ୍ୟଅତିଥି ଭାବେ ଯୋଗଦେଇ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଶହୀଦ ରଘୁଦିବାକରଙ୍କ ସାହସର ଗାଥା ପ୍ରତିଟି ଓଡ଼ିଆଙ୍କ ପାଇଁ ପ୍ରେରଣାର ଉତ୍ସ ବୋଲି କହିଛନ୍ତି । ବିଧାନସଭା ବାଚସ୍ପତି ସୁରମା ପାଢ଼ୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର, ବାଣିଜ୍ୟ ମନ୍ତ୍ରୀ ବିଭୂତି ଭୂଷଣ ଜେନା ପ୍ରମୁଖ ଯୋଗଦେଇ ପ୍ରଜାମଣ୍ଡଳ ଆନ୍ଦୋଳନରେ ରଣପୁରର ସଂଗ୍ରାମୀମାନଙ୍କ ବୀରତ୍ୱ ସଂପର୍କରେ ଆଲୋଚନା କରିଥିଲେ ।

# ବନକଲାଗି

ମାଘମାସ କୃଷ୍ଣ ଚତୁର୍ଥୀ ତିଥିରେ ଆଜି ଶ୍ରୀଜୀଉମାନଙ୍କ ବନକଲାଗି ନୀତି ଅନୁଷ୍ଠିତ ହେବ । ଦ୍ୱିତୀୟ ଭୋଗମଣ୍ଡପ ଭୋଗ ନୀତି ଶେଷ ହେବା ପରେ ଶ୍ରଦ୍ଧାଳୁମାନଙ୍କ ପାଇଁ ସନ୍ଧ୍ୟା ୫ଟାରୁ ରାତି ୧୦ଟା ପର୍ଯ୍ୟନ୍ତ ସର୍ବସାଧାରଣ ଦର୍ଶନ ବନ୍ଦ ରହିବ ବୋଲି ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ କୁହାଯାଇଛି ।

---

# ସମୀକ୍ଷା ବୈଠକ

ଝାରସୁଗୁଡ଼ା ଓ ମାଲକାନଗିରି ଜିଲ୍ଲାରେ ସ୍ୱାସ୍ଥ୍ୟବିଭାଗର ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ମା' ଓ ଶିଶୁମାନଙ୍କ ସ୍ୱାସ୍ଥ୍ୟର ଯତ୍ନ ସହ ଗର୍ଭବତୀ ମହିଳାଙ୍କ ପଞ୍ଜୀକରଣ ଏବଂ ପ୍ରଧାନମନ୍ତ୍ରୀ ସୁରକ୍ଷିତ ମାତୃତ୍ୱ ଅଭିଯାନ ଉପରେ ଆଲୋଚନା କରାଯାଇଥିଲା ।

---

# ପାଣିପଞ୍ଚାୟତ

ଝାରସୁଗୁଡ଼ା ଜିଲ୍ଲାରେ ପାଣିପଞ୍ଚାୟତ ପକ୍ଷ ପାଳନ ଅବସରରେ ଜଳ ସଂରକ୍ଷଣ ଓ ସୁପରିଚାଳନା ପାଇଁ ବ୍ୟାପକ ସଚେତନତା କାର୍ଯ୍ୟକ୍ରମର ଶୁଭାରମ୍ଭ ହୋଇଛି ।

# ସିଏମ୍ ଟ୍ରଫି

ତୃଣମୂଳସ୍ତରରେ ଖେଳାଳିଙ୍କୁ ପ୍ରୋତ୍ସାହିତ କରିବା ଉଦ୍ଦେଶ୍ୟରେ ରାଜ୍ୟରେ ସିଏମ୍ ଟ୍ରଫି ଚାମ୍ପିୟାନ୍ସିପ୍ର ଆୟୋଜନ କରାଯିବ । ଏଥିରେ ଫୁଟ୍ବଲ୍,

ଭଲିବଲ୍, କବାଡ଼ି, ଖୋଖୋ ଆଦି ପ୍ରତିଯୋଗିତାର ଆୟୋଜନ କରାଯିବ । ଖେଳାଳିମାନେ ଆଜିଠାରୁ ୧୪ ତାରିଖ ପର୍ଯ୍ୟନ୍ତ ଏଥିପାଇଁ ପଞ୍ଜୀକରଣ କରିପାରିବେ । ସମଗ୍ର ରାଜ୍ୟରୁ ୩୨ ହଜାରରୁ ଊର୍ଦ୍ଧ୍ୱ କ୍ରୀଡ଼ାବିତ୍‌ମାନଙ୍କୁ ଏହି ପ୍ରତିଯୋଗିତାରେ ସାମିଲ କରିବାକୁ ଲକ୍ଷ୍ୟ ରଖାଯାଇଛି ।

# ଫୁଟ୍‌ବଲ

ଭଦ୍ରକ ଜିଲ୍ଲା ଧାମନଗର ବ୍ଲକ ଧୁଷୁରୀ-ଓଲଟପୁରଠାରେ ଚାଲିଥିବା ଆନ୍ତଃଜିଲ୍ଲା ମା ବାସନ୍ତୀଦୁର୍ଗା ଫୁଟବଲ ପ୍ରତିଯୋଗିତାର ଉଦ୍‌ଯାପନୀ ଦିବସରେ କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ମୁଖ୍ୟଅତିଥି ଭାବେ ଯୋଗଦେଇ ବିଜେତା ଓ ରନର୍ସଅପ୍ ଦଳକୁ ପୁରସ୍କାର ପ୍ରଦାନ କରିଛନ୍ତି । ଫାଇନାଲ୍ ମ୍ୟାଚ୍‌ରେ ଧର୍ମଶାଳା ଫୁଟବଲ ଏକାଡେମୀ ୨-୧ ଗୋଲ୍‌ରେ ଭଦ୍ରକ ପୋଲିସ୍ ଦଳକୁ ପରାସ୍ତ କରି ଚମ୍ପିୟାନ୍ ହୋଇଛି ।

# ଆଦର୍ଶ ପ୍ରାଥମିକ ବିଦ୍ୟାଳୟ-ମୁଖ୍ୟମନ୍ତ୍ରୀ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ରାଜ୍ୟରେ ୧୧୮ଟି ଗୋଦାବରୀଶ ମିଶ୍ର ଆଦର୍ଶ ପ୍ରାଥମିକ ବିଦ୍ୟାଳୟର ଭିତ୍ତିପ୍ରସ୍ତର ସ୍ଥାପନ କରିବେ । ଖୋର୍ଦ୍ଧା ବାଣପୁରସ୍ଥିତ ପଲଟଣ ପଡ଼ିଆରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ । ଏଥିରେ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ, ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନଙ୍କ ସମେତ ଅନ୍ୟ ସାଂସଦ ଓ ବିଧାୟକମାନେ ଯୋଗଦେବେ ।

# ପାଣିପାଗ

ରାଜ୍ୟରେ ଶୀତର ଲହରି ଜାରି ରହିଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଶୀତର ପ୍ରଭାବ ବୃଦ୍ଧି ପାଇବା ନେଇ ଝାରସୁଗୁଡ଼ା, ସୁନ୍ଦରଗଡ଼, କୋରାପୁଟ, ଅନୁଗୁଳ, କଟକ ଓ ଜଗତସିଂହପୁର ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି । ସେହିଭଳି ୨୨ଟି ଜିଲ୍ଲାରେ କୁହୁଡ଼ି ହେବାର ସମ୍ଭାବନା ରହିଛି । ଗତକାଲି ଝାରସୁଗୁଡ଼ାଠାରେ ସର୍ବନିମ୍ନ ତାପମାତ୍ରା ୫ ଦଶମିକ ୧ ଡିଗ୍ରୀ ସେଲ୍‌ସିୟସ୍ ରହିଥିଲା ।

........................................................................